ସୂଚନା ଓ ଲୋକ ସଂପର୍କ ବିଭାଗ
**Information & Public Relations Department**
Government of Odisha, Bhubaneswar-751001
Phone : (91-674) 2536736 /2390818 (Fax)
e-mail : iprsec.or@nic.in

NewsID/IPR/DoWR/ 224/25-03-2025



## ଜଳ ସମ୍ପଦ ବିଭାଗରେ ପ୍ରକଳ୍ପ କାର୍ଯ୍ୟ ଅଗ୍ରଗତି ଓ ଖର୍ଚ୍ଚ ସମୀକ୍ଷା କଲେ ଉନ୍ନୟନ କମିଶନର ତଥା ଅତିରିକ୍ତ ମୁଖ୍ୟ ଶାସନ ସଚିବ

**ଭୁବନେଶ୍ୱର ତା-୨୫.୦୩.୨୦୨୫**

ଜଳ ସମ୍ପଦ ବିଭାଗରେ ନିର୍ମାଣାଧୀନ ପ୍ରକଳ୍ପ କାର୍ଯ୍ୟସବୁକୁ ତ୍ୱରାନ୍ୱିତ କରିବା ଏବଂ ଧାର୍ଯ୍ୟ ଲକ୍ଷ୍ୟ ଅନୁସାରେ କାର୍ଯ୍ୟକରି ଓ ଖର୍ଚ୍ଚ ବିନିଯୋଗ କରିବା ସମ୍ପର୍କରେ ଆଜି ଉନ୍ନୟନ କମିଶନର ତଥା ଜଳ ସମ୍ପଦ ବିଭାଗ, ଅତିରିକ୍ତ ମୁଖ୍ୟ ଶାସନ ସଚିବ ଶ୍ରୀମତୀ ଅନୁ ଗର୍ଗଙ୍କ ଅଧ୍ୟକ୍ଷତାରେ ଏକ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ଲୋକସେବା ଭବନରୁ ଉନ୍ନୟନ କମିଶନର ଏବଂ ବିଭିନ୍ନ ଜିଲ୍ଲାରୁ ଯନ୍ତ୍ରୀମାନେ ଆଭାସୀ ମାଧ୍ୟମରେ ଏହି ବୈଠକରେ ଯୋଗଦେଇଥିବା ବେଳେ ଜଳ ସମ୍ପଦ ବିଭାଗରେ ସର୍ବୋଚ୍ଚ ଯନ୍ତ୍ରୀଙ୍କ ସମେତ ଅନ୍ୟ ବରିଷ୍ଠ ପଦାଧିକାରୀମାନେ ଉପସ୍ଥିତ ଥିଲେ ।

ଜଳ ସମ୍ପଦ ବିଭାଗରେ କାର୍ଯ୍ୟକାରୀ ହେଉଥିବା, ବୃହତ୍,ମଧ୍ୟମ ଓ କ୍ଷୁଦ୍ର ଜଳସେଚନ ପ୍ରକଳ୍ପ, ଅନ୍ତଃନଦୀ ଜଳାଶୟ ପ୍ରକଳ୍ପ, ଉଠା ଜଳସେଚନ ପ୍ରକଳ୍ପ, ଜଳ ଭଣ୍ଡାରରେ ଜଳ  ସଂରକ୍ଷଣ, ଜଳ ଭଣ୍ଡାରର ରକ୍ଷଣାବେକ୍ଷଣ, ଜଳ ନିଷ୍କାସନ ବ୍ୟବସ୍ଥା ଆଦି କାର୍ଯ୍ୟ  ସଂପର୍କରେ ସମୀକ୍ଷା କରାଯାଇଥିଲା । ଶ୍ରୀମତୀ ଗର୍ଗ ବିଭାଗୀୟ ବରିଷ୍ଠ ଅଧିକାରୀ ଏବଂ ଯନ୍ତ୍ରୀମାନଙ୍କ ସହିତ ବିଭିନ୍ନ କାର୍ଯ୍ୟ ସଂପର୍କରେ ଆଲୋଚନା କରି ଆବଶ୍ୟକ ପଦକ୍ଷେପ ନେବା ପାଇଁ ନିର୍ଦ୍ଦେଶ ଓ ପରାମର୍ଶ ଦେଇଥିଲେ ।

ସଚ୍ଚିଦାନନ୍ଦ ବେହେରା
ସୂଚନା ଅଧିକାରୀ